The Odisha Gazette

EXTRAORDINARY

PUBLISHED BY AUTHORITY

No. 208 CUTTACK, FRIDAY, FEBRUARY 10, 2017/MAGHA 21, 1938

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

### ଅଧିସୂଚନା

ତାରିଖ 24 ଜାନୁଆରୀ 2017

ସଂଖ୍ୟା 2876—RDM-LAA-NGH-0023/2017-R&DM.—ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି, ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ନୟାଗଡ଼ ଜିଲ୍ଲାର ଖୋର୍ଦ୍ଧା ରୋଡ-ବଲାଙ୍ଗୀର ନୂତନ ଓସାରିଆ ରେଳପଥ ନିର୍ମାଣ ନିମନ୍ତେ ମୌଜା ବାରପୁରିକିଆ, ଥାନା ଦଶପଲ୍ଲା ନଂ. ୩୯୮, ତହସିଲ ଦଶପଲ୍ଲା, ଜିଲ୍ଲା ନୟାଗଡ଼ରେ ନିମ୍ନ ତଫସିଲମତେ ପ୍ରାୟ 0.220 ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, 2013ର ଧାରା 11(1)ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥିସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

୧ । ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ – ଖୋର୍ଦ୍ଧା ରୋଡ-ବଲାଙ୍ଗୀର ନୂତନ ଓସାରିଆ ରେଳପଥ ପ୍ରକଳ୍ପ ।

୨ । ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ –ଉପ ମୁଖ୍ୟ ଯନ୍ତ୍ରୀ (ନିର୍ମାଣ-୨), ପୂର୍ବତଟ ରେଳପଥ, ଭୁବନେଶ୍ୱର ।

୩ । କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ – ସାର୍ବଜନୀନ ଉଦ୍ଦେଶ୍ୟରେ ରେଳପଥ ପ୍ରକଳ୍ପ କାର୍ଯ୍ୟକାରୀ କରିବା ।

୪ । ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ – ଓଡ଼ିଶା ସରକାର ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ଘୋଷଣାନାମା ଚିଠି ସଂଖ୍ୟା ୨୨୭, ତାରିଖ ୪ ଜାନୁଆରୀ ୨୦୧୭ ପ୍ରକାରେ ଭୂମି ଅଧିଗ୍ରହଣ ନିମନ୍ତେ ଧାରା ୮(୨)ରେ ଅନୁମୋଦନ ହୋଇଅଛି ।

୫ । ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ – ଉପ ଜିଲ୍ଲାପାଳ, ନୟାଗଡ଼ ।

୬ । ଜମିର ବିବରଣୀ —

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟ୍‌ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତ୍‌ର ନାମ |
|---|---|---|---|---|---|---|---|---|
| ନୟାଗଡ଼ | ଦଶପଲ୍ଲା | ବାରପୁରିକିଆ | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ୦.୨୨୦ ଏକର | ୦.୨୨୦ ଏକର | ଏଥିସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ସ୍ୱତନ୍ତ୍ର ଭୂ-ଅର୍ଜନ ଅଧିକାରୀ, ଖୋର୍ଦ୍ଧା ରୋଡ-ବଲାଙ୍ଗୀର ନୂତନ ଓସାରିଆ ରେଳପଥ ପ୍ରକଳ୍ପ, ନୟାଗଡ଼ଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟବିକ୍ରୟ, ହସ୍ତାନ୍ତର (ଦେଣନେଣ) କିମ୍ବା ଦାୟ ସୃଷ୍ଟି ନୟାଗଡ଼ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର 60 (ଷାଠିଏ) ଦିନ ମଧ୍ୟରେ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, 2013ର ଧାରା 15ର ବ୍ୟବସ୍ଥା ଅନୁଯାୟୀ ନୟାଗଡ଼ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

## LAND SCHEDULE

| Khata No. | Plot No. | Total area | Area to be acquired | Kissam | Name of the recorded raiyat |
|---|---|---|---|---|---|
| (1) | (2) | (3) (in acres) | (4) (in acres) | (5) | (6) |
| 219 | 1 | 0.220 | 0.220 | Taila-II | Shyama Behera, S/o Aparti Behera, Janka Behera, S/o Chaitamnya Behera, Kanduri Behera, S/o Kali Behera, Caste Dhoba, Village Khandapada. |
| | | **Total . .** | **0.220** | | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 2078—173+20